ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୩୯ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୧୫୮୦ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୯ ଜଣ ।

ଅନୁଗୋଳ, ତା,୧୯.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୩୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୨୦୪ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ୧୧ଜଣ ( ୬ଜଣ ପୁରୁଷ ଓ ୫ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦ଜଣ ( ୫ଜଣ ପୁରୁଷ ଓ ୫ଜଣ ମହିଳା), ତାଲଚେର ବ୍ଲକ୍ ଅଂଚଳରୁ ୫ଜଣ (୧ ଜଣ ପୁରୁଷ ଓ ୪ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୪ଜଣ (୧ ଜଣ ପୁରୁଷ ଓ୩ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ତାଲଚେର ପୌରାଞ୍ଚଳରୁ ୧ଜଣ ( ୧ ଜଣ ମହିଳା) ଓ ବଅଁରପାଲ ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି ।। ଆଜି କିଶୋରନଗର ବ୍ଲକ, ଆଠମଲ୍ଲିକ ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୯ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୩ଜଣ କୋଭିଡ ହସପିଟାଲରୁ ଓ ୨୬ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୨୬ ତା.୧୯.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

୧୯/୧୨/୨୦୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ